ପ୍ରେସ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୨୫ ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୧୧୮୯୭ରେ ପହଞ୍ଚିଲା - ସୁସ୍ଥ ହେଲେ ୩୮ ଜଣ ।

ଅନୁଗୋଳ, ତା୦୧.୦୧:- ଆଜି ଅନୁଗୋଳ ଜିଲ୍ଲାରେ୨୫ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି ।ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୨ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୨୧୪ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଣ୍ଡରପାଳ ବ୍ଲକ୍ ଅଂଚଳରୁ ୮ଜଣ ( ୬ଜଣ ପୁରୁଷ ଓ ୨ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୭ଜଣ (୪ ଜଣ ପୁରୁଷ ଓ ୩ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ୩ ଜଣ ( ୩ ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୨ଜଣ ( ୨ଜଣ ପୁରୁଷ ), ପାଲଲହଡା ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ), ଅନୁଗୋଳ ପୌରାଞ୍ଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି ଛେଣ୍ଡିପଦା ବ୍ଲକ, ଆଠମଲ୍ଲିକ ବ୍ଲକ୍, କିଶୋରନଗର ବ୍ଲକ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି ।ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି ।।ଆଜି ଅନୁଗୋଳ ଜିଲ୍ଲାରୁ ୩୮ଜଣ ସୁସ୍ଥ ହୋଇଛନ୍ତି । ସେମାନଂକ ମଧ୍ୟରେ ୩ଜଣ ଅନୁଗୋଳ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡରୁ ଓ ୩୫ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୦୧ ତା.୦୧.୦୧.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ